# ଆଜି ଅନୁଗୋଳ ଜିଲ୍ଲାରୁ ୩୬ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୦୧୮୫ରେ ପହଞ୍ଚିଲା - ସୁସ୍ଥ ହେଲେ ୮୧ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ୩୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୬୯ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ (୧ ଜଣ ପୁରୁଷ ଓ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ପୁରୁଷ ), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ),କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ତାଳଚେର ପୌରାଞ୍ଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୧ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୯ଜଣ କୋଭିଡ ହସପିଟାଲରୁ ଓ ୭୨ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୫୧ ତା.୧୬.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ